ପ୍ରେସ୍‌ନୋଟ୍

## ଆଜି ଅନୁଗୋଳ ଜିଲ୍ଲାରୁ ୫୩ ଜଣ କରୋନା ପଜିଟିଭ ଚିହ୍ନଟ ।

ପଜିଟିଭ ସଂଖ୍ୟା ୪୩୪୬୯ରେ ପହଞ୍ଚିଲା - ସୁସ୍ଥ ହେଲେ ୮୬ ଜଣ ।

ଅନୁଗୋଳ, ତା.୮.୦୮:- ଆଜି ଅନୁଗୋଳ ଜିଲ୍ଲାରେ ୫୩ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଥିବାର ଜଣାପଡିଛି । ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଙ୍କ ମଧ୍ୟରେ ବଣ୍ଡଁରପାଳ ବ୍ଲକ୍ ଅଂଚଳରୁ ୧୧ଜଣ ( ୭ଜଣ ପୁରୁଷ ଓ ୪ଜଣ ମହିଳା), କଣିହାଁ ବ୍ଲକ୍ ଅଂଚଳରୁ ୭ଜଣ ( ୫ଜଣ ପୁରୁଷ ଓ ୨ଜଣ ମହିଳା), ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୬ଜଣ ( ୫ଜଣ ପୁରୁଷ ଓ ୧ଜଣ ମହିଳା), କିଶୋରନଗର ବ୍ଲକ୍ ଅଂଚଳରୁ ୬ଜଣ (୫ ଜଣ ପୁରୁଷ ଓ ୧ଜଣ ମହିଳା), ତାଳଚେର ପୌରାଞ୍ଚଳରୁ ୫ଜଣ (୩ ଜଣ ପୁରୁଷ ଓ ୨ଜଣ ମହିଳା), ଅନୁଗୋଳ ପୌରାଞ୍ଚଳରୁ ୪ଜଣ ( ୨ଜଣ ପୁରୁଷ ଓ ୨ଜଣ ମହିଳା), ତାଳଚେର ବ୍ଲକ୍ ଅଂଚଳରୁ ୪ ଜଣ ( ୩ଜଣ ପୁରୁଷ ଓ ୧ଜଣ ମହିଳା), ପାଲଲହଡା ବ୍ଲକ୍ ଅଂଚଳରୁ ୪ଜଣ ( ୩ଜଣ ପୁରୁଷ ଓ ୧ଜଣ ମହିଳା), ଅନୁଗୋଳ ବ୍ଲକ୍ ଅଂଚଳରୁ ୩ଜଣ ( ୨ଜଣ ପୁରୁଷ ଓ ୧ଜଣ ମହିଳା) ଓ ଆଠମଲ୍ଲିକ ବ୍ଲକ୍ ଅଂଚଳରୁ ୩ଜଣ ( ୨ଜଣ ପୁରୁଷ ଓ ୧ଜଣ ମହିଳା) ଅଛନ୍ତି । ଚିହ୍ନଟ ହୋଇଥିବା ଲକ୍ଷଣଯୁକ୍ତ ଆକ୍ରାନ୍ତମାନଙ୍କ ମଧ୍ୟରୁ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟର କରୋନା ୱାର୍ଡ, ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଙ୍କୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ୮୬ଜଣ ସୁସ୍ଥ ହୋଇଛନ୍ତି । ବର୍ତ୍ତମାନ ସୁଦ୍ଧା ଜିଲ୍ଲାରେ ୨୭୨ଜଣ ମୃତ୍ୟୁବରଣ କଲେଣି । ଆଜି ସୁଦ୍ଧା ୪ ଲକ୍ଷ ୨୦ହଜାର ୨୦୬ଜଣଙ୍କୁ ଟିକା ଦିଆଗଲାଣି ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ,ଅନୁଗୋଳ ।

ଜ୍ଞାପକ ସଂଖ୍ୟା. ୪୯୧ତା.୮.୮.୨୦୨୧ ।

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରା ଗଲା ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ